## ଆଜି ଅନୁଗୋଳ ଜିଲ୍ଲାରୁ ୧୭୧ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୫୫୯୧ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୩୩ ଜଣ ।

ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୧୭୧ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ କଣିହାଁ ବ୍ଲକ୍ ଅଂଚଳରୁ ୫୧ ଜଣ ( ୩୧ଜଣ ପୁରୁଷ ଓ ୨୦ ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୩୬ ଜଣ (୧୯ଜଣ ପୁରୁଷ ଓ ୧୭ଜଣ ମହିଳା), ତାଳଚେର ପୌରାଂଚଳରୁ ୨୭ ଜଣ ( ୨୧ଜଣ ପୁରୁଷ ଓ ୬ଜଣ ମହିଳା), ଅନୁଗୋଳ ପୌରାଂଚଳରୁ ୨୦ ଜଣ (୧୫ ଜଣ ପୁରୁଷ ଓ ୫ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୩ ଜଣ ( ୧୩ଜଣ ପୁରୁଷ ), ପାଲଲହଡା ବ୍ଲକ୍ ଅଂଚଳରୁ ୮ ଜଣ ( ୪ଜଣ ପୁରୁଷ ଓ ୪ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୬ ଜଣ (୪ ଜଣ ପୁରୁଷ ଓ ୨ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୫ ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୩ ଜଣ (୨ ଜଣ ପୁରୁଷ ଓ ୧ଜଣ ମହିଳା) ଓ ଅନୁଗୋଳ ବ୍ଲକ୍ ଅଂଚଳରୁ ୨ ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୩୩ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧୮ ଜଣ କୋଭିଡ ହସପିଟାଲରୁ , ୮ ଜଣ କୋଭିଡ କେୟାର ସେଣ୍ଟରରୁ ଓ ୧୦୭ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୬୭୪ ତା.୦୮.୧୦.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

(signature) ୮।୧୦।୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ